ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୫ ଜଣ କରୋନା ପଜିଟିଭ ଚିହ୍ନଟ

## ପଜିଟିଭ ସଂଖ୍ୟା ୪୪୨୧୨ରେ ପହଞ୍ଚିଲା - ସୁସ୍ଥ ହେଲେ ୧୬ଜଣ ।

ଅନୁଗୋଳ, ତା.୧୧.୦୯:- ଆଜି ଅନୁଗୋଳ ଜିଲ୍ଲାରେ ୫ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୨ଜଣ (୧ ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୨ଜଣ ( ୨ଜଣ ପୁରୁଷ ) ଓ ତାଳଚେର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ, ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୬ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୮୪ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୬ ଲକ୍ଷ ୩୧ହଜାର ୧୭୮ ଜଣଙ୍କୁ ଟିକା ଦିଆଗଲାଣି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୫୮୪ ତା. ୧୧.୦୯.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ